ଗ୍ରାମୀଣ କୃଷି ମୌସୁମୀ ସେବା
ଭାରତୀୟ ପାଣିପାଗ ବିଭାଗ
ଓଡ଼ିଶା କୃଷି ଏବଂ ପ୍ରଯୁକ୍ତିବିଦ୍ୟା ବିଶ୍ୱବିଦ୍ୟାଳୟ
ଭୁବନେଶ୍ୱର, ଓଡିଆ

# କୃଷି ଉପଦେଶ ପ୍ରସାରିତ ସମାଚାର

ତାରିଖ : 12-01-2024

ଗଜପତି(ଓଡିଶା) - :2024-01-12 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)

| ପାଣିପାଗ କାରକ | 2024-01-13 | 2024-01-14 | 2024-01-15 | 2024-01-16 | 2024-01-17 |
|---|---|---|---|---|---|
| ବର୍ଷା (ମିମି) | 0.0 | 0.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 32.0 | 31.3 | 30.0 | 31.0 | 30.6 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 16.0 | 15.0 | 15.0 | 16.0 | 17.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 95 | 90 | 94 | 96 | 95 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 36 | 25 | 24 | 34 | 40 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 4 | 5 | 4 | 5 | 6 |
| ପବନର ଦିଗ (ଡିଗ୍ରୀ) | 202 | 207 | 199 | 198 | 198 |
| ମେଘାଛନ୍ନ (ଅକ୍ଟା) | 1 | 0 | 0 | 0 | 4 |

## ପାଣିପାଗ ସାରାଂଶ/ସତର୍କ:

ଭାରତ ପାଣିପାଗ ବିଭାଗ ରୁ ମିଳିଥିବା ପାଣିପାଗ ପୂର୍ବାନୁମାନ ଅନୁଯାୟୀ, ଜିଲ୍ଲାରେ ମଙ୍ଗଳବାର ଦିନ ପର୍ଯ୍ୟନ୍ତ ପାଗ ଶୁଖିଲା ରହିବା ସହିତ ଆକାଶ ସଫା ରୁ ଆଂଶିକ ମଘୁଆ ରହିବାର ସମ୍ଭାବନା ରହିଛି । ଆସନ୍ତା ପାଞ୍ଚ ଦିନ ପର୍ଯ୍ୟନ୍ତ ପବନର ବେଗ ୦୪.୦ ରୁ ୦୬.୦ କିଲୋମିଟର ପ୍ରତି ଘଣ୍ଟା ମଧ୍ୟରେ ରହିବାର ସମ୍ଭାବନା ରହିଛି । ଦୈନିକ ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଯଥାକ୍ରମେ ୩୦° ସେଲସିୟସ ରୁ ୩୨.୦° ସେଲସିୟସ ଏବଂ ୧୫.୦° ସେଲସିୟସ ରୁ ୧୭.୦° ସେଲସିୟସ ମଧ୍ୟରେ ରହିବାର ସମ୍ଭାବନା ରହିଛି । ସକାଳେ ଏବଂ ଅପରାହ୍ନରେ ଆପେକ୍ଷିକ ଆର୍ଦ୍ରତା ଯଥାକ୍ରମେ ୯୦ ରୁ ୯୬ ଶତକଡା ଏବଂ ୨୪ ରୁ ୪୦ ଶତକଡା ମଧ୍ୟରେ ରହିପାରେ ।

## ସାଧାରଣ ଉପଦେଶ:

ଗଜପତି ଜିଲ୍ଲାରେ ଗତ ସପ୍ତାହରେ ହାରାହାରି ସର୍ବାଧିକ ଦୈନିକ ତାପମାତ୍ରା ୩୧.୬ ° ସେଲସିୟସ ଏବଂ ହାରାହାରି ସର୍ବନିମ୍ନ ଦୈନିକ ତାପମାତ୍ରା ୧୭° ସେଲସିୟସ ଥିଲା । ଗତ ସପ୍ତାହରେ ଜିଲ୍ଲାରେ ୦.୦ ମିଲିମିଟର ବର୍ଷା ହୋଇଅଛି । ବର୍ତ୍ତମାନ ତାପମାତ୍ରା କମ ରହୁଥିବାରୁ ପନିପରିବା ଫସଲରେ ହାଲୁକା ଜଳ ସେଚନ କରନ୍ତୁ । ଧାନ ତଳିଘରା ପ୍ରସ୍ତୁତ କରନ୍ତୁ ଓ ବିହନ ବିଶୋଧନ କରିବା ପାଇଁ ପ୍ରତି କିଲୋଗ୍ରାମ ଧାନ ବିହନରେ ୨ ଗ୍ରାମ କାର୍ବେଣ୍ଡାଜିମ କିମ୍ବା ୩ ଗ୍ରାମ କାର୍ବୋକ୍ସିନ ଏବଂ ଥିରାମ ର ମିଳିତ ଫିମ୍ପିନାଶକ କୁ ମିଶାଇ ବିଶୋଧନ କରନ୍ତୁ । ମହୁମାଛି କୁ ସୁରକ୍ଷା ଦେବା ପାଇଁ ଅପରାହ୍ନ ୩ ଟା ପରେ କୀଟନାଶକ ସିଞ୍ଚନ କରନ୍ତୁ । ପନିପରିବା ତଳିଘରା କୁ ନଡା ଦ୍ୱାରା ଆଚ୍ଛାଦିକରଣ କରନ୍ତୁ ।

## ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

ବର୍ତ୍ତମାନ ଲାଗିଥିବା କୋବି ଜାତୀୟ ପନିପରିବା କୁ ଥଣ୍ଡା ଦାଉରୁ ରକ୍ଷା କରିବା ପାଇଁ କାଗଜ ଠୁଙ୍ଗା

## ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | ଡାଲୁଅ ଧାନ ଚାଷ ପାଇଁ ଅଧିକ ଅମଳକ୍ଷମ ଧାନ କିସମ ଯଥା ସତ୍ୟଭାମା, ସହଭାଗୀ ଧାନ, ମନ୍ଦାକିନୀ, ମାନସ୍ୱିନୀ, ଡିଆରଆର-୪୨, ଡିଆରଆର-୪୩, ଡିଆରଆର-୪୪, ବୀଣା-୧୧, ଜିବି-୧, ଉନ୍ନତ ଲଲାଟ, ଏମଟିୟୁ-୧୦୧୦, ଏମଟିୟୁ-୧୦୦୧, ନବୀନ, ସ୍ୱର୍ଣ୍ଣ ଶ୍ରେୟା ଇତ୍ୟାଦି ଧାନ କିସମ ବ୍ୟବହାର କରନ୍ତୁ । ଏକ ଏକର ଧାନ ଚାଷ ପାଇଁ ୨୦ କିଲୋଗ୍ରାମ ଧାନ ବିହନ ତଳି ପକେଇବା ପାଇଁ ଆବଶ୍ୟକ ହୋଇଥାଏ । ବିହନ ବିଶୋଧନ କରିବା ପାଇଁ ପ୍ରତି କିଲୋଗ୍ରାମ ଧାନ ବିହନରେ ୨ ଗ୍ରାମ କାର୍ବେଣ୍ଡାଜିମ ନାମକ ଫିମ୍ପିନାଶକ କିମ୍ବା ୩ ଗ୍ରାମ କାର୍ବୋକ୍ସିନ ଏବଂ ଥିରାମ ର ମିଳିତ ଫିମ୍ପିନାଶକ କୁ ମିଶାଇ ବିହନ ବିଶୋଧନ କରନ୍ତୁ । |
| ସୋରିଷ | ଆଗରୁ ବୁଣା ଯାଇଥିବା ସୋରିଷ ଫସଲରେ ବର୍ତମାନ ସମୟରେ ଜଉ ପୋକ ଲାଗିବାର ସମ୍ଭାବନା ଅଛି । ପ୍ରାଥମିକ ଅବସ୍ଥାରେ ଜଉ ପୋକର ପରିଚାଳନା ପାଇଁ ଏକର ପ୍ରତି ୮-ଟି ହଳଦିଆ ଅଠାଯୁକ୍ତ ଯନ୍ତା ରଖନ୍ତୁ । ଏକର ପ୍ରତି ୬୦୦ ମିଲି ନିମ୍ବଜାତ କୀଟନାଶକ ୧୫୦୦ ପିପିଏମ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ପୋକ ଆକ୍ରମଣ ଅଧିକ ଦେଖାଦେଲେ ରାସାୟନିକ ଉପାୟରେ ପୋକ ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୫୦ ଗ୍ରାମ Acetamiprid ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |

## ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଫୁଲକୋବି | କୋବି ଫସଲରେ ବୋରନ ଅଣୁସାର ଜନିତ ଗଠନଗତ ସମସ୍ୟା ର ପରିଚାଳନା ପାଇଁ ପ୍ରତି ୪ କିଲୋଗ୍ରାମ ବୋରାକ୍ସ କୁ ଶେଷ ଓଡ ଚାଷ ସମୟରେ ପ୍ରୟୋଗ କରନ୍ତୁ । ଶେଷ ଓଡ ଚାଷ ସମୟରେ ଜମିରେ ପ୍ରୟୋଗ କରି ନ ଥିଲେ ଚାରା ରୋପଣ ର ୨ ସପ୍ତାହ ପରେ ଏବଂ ଫୁଲ କଢ ଧରିବାର ୨ ସପ୍ତାହ ପୂର୍ବରୁ ପ୍ରତି ଲିଟର ପାଣିରେ ୨.୫ ଗ୍ରାମ ବୋରାକ୍ସ କିମ୍ବା ୧-୧.୫ ଗ୍ରାମ ଫୋଲିବୋର କିମ୍ବା ସୋଲୁବୋର ମିଶାଇ ପତ୍ର ରେ ସିଂଚନ କରନ୍ତୁ । |
| ବନ୍ଧାକୋବି | ଆଗୁଆ ଲଗା ଯାଇଥିବା କୋବି ଫସଲରେ ବର୍ତ୍ତମାନ ସମୟରେ ଠିକିରି ପିଠିଆ ପୋକ ଲାଗିବାର ସମ୍ଭାବନା ରହିଛି । ଠିକିରି ପିଠିଆ ପୋକ ର ଶୁକ ଗୁଡକି ପତ୍ର ତଳପଟେ ପତ୍ର ଭିତର କୁ ପଶି ସବୁଜ ଅଂଶ କୋରି ଖାଆନ୍ତ । ଏମାନଙ୍କ ଦ୍ୱାରା ଆକ୍ରାନ୍ତ ପତ୍ର ଗୁଡିକ ଧଳା ଦିଶେ । ପରବର୍ତ୍ତୀ ଅବସ୍ଥାରେ ଏମାନେ ବନ୍ଧାକୋବି ଭିତରକୁ ପ୍ରବେଶ କରି ଏହାର କଅଁଳିଆ ମଝିପତ୍ର କୁ ଖାଆନ୍ତି ଏବଂ ମଳତ୍ୟାଗ କରନ୍ତି । ଆକ୍ରାନ୍ତ କୋବି ଖାଇବା ଅନୁପଯୋଗୀ ହୋଇଥାଏ । କୋବି ଫସଲରେ ଠିକିରି ପିଠିଆ ପୋକ ର ପରିଚାଳନା ପାଇଁ ଏକର ପ୍ରତି ୬-୮ ଟି ଆଲୋକ ଯନ୍ତା ଲଗାନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକ ର ପରିଚାଳନା ପାଇଁ ଏକର ପ୍ରତି ୧-ଲିଟର ନିମ୍ବ ଆଧାରିତ କୀଟନାଶକ କୁ ୨୦୦-ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ରାସାୟନିକ ଉପାୟରେ ଏହି କୀଟର ପରିଚାଳନା ପାଇଁ ଏକର ପ୍ରତି ୪୦୦-ମିଲି Tolfenpyrad ନାମକ କୀଟନାଶକ କିମ୍ବା ୨୦-ଗ୍ରାମ Flubendiamide ନାମକ କୀଟନାଶକ କିମ୍ବା ୮୦-ଗ୍ରାମ Emamectin Benzoate 5 % SG କୁ, 200- ଲିଟର ପାଣି ରେ ମିଶାଇ ସିଞ୍ଚନ କରନ୍ତୁ । |
| ଟମାଟର | ଟମାଟୋ ଫସଲରେ ଫଳବିନ୍ଧା ପୋକ ର ଆକ୍ରମଣ ଦେଖାଦେଲେ ଏହାର ପରିଚାଳନା ପାଇଁ ପ୍ରଥମେ ଜମିରୁ ଆକ୍ରାନ୍ତ ଫଳ ଗୁଡିକ ସଂଗ୍ରହ କରି ଦୂରରେ ନଷ୍ଟ କରି ଦିଅନ୍ତୁ । ଏହି କୀଟର ପରିଚାଳନା ପାଇଁ ଏକର ପ୍ରତି Heliure ଥିବା ସଙ୍ଗ ଆକର୍ଷକ ଯନ୍ତା ରୁ ୨୦ ଟି ରଖନ୍ତୁ । ଟମାଟୋ ଫସଲରେ ଯଦି ଶତକଡା ୧୦ ଭାଗ ପୋକଡା ଫଳ ଦେଖୁଛନ୍ତି ତାହେଲେ ରାସାୟନିକ ଔଷଧ ପ୍ରୟୋଗ କରନ୍ତୁ । ଏହି ପୋକର ରାସାୟନିକ ଉପାଯରେ ପରିଚାଳନା ପାଇଁ ଏକର ପ୍ରତି ୮୦ ମିଲି କ୍ଲୋରାନଟ୍ରାନିଲିପ୍ରୋଲ କିମ୍ବା ୪୦ ମିଲି ଫ୍ଲୁବେଣ୍ଡିଆମାଇଡ୍ କିମ୍ବା ୨୦୦ ମିଲି ଇଣ୍ଡୋକ୍ସାକାର୍ବ ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |

## ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଗାଈ | ଶୀତ ଋତୁରେ ଗାଈଗୋରୁ ମାନଙ୍କୁ ବାୟୁ ଚଳପ୍ରଚଳ କରୁଥିବା ଗୁହାଳ ଘରେ ରଖନ୍ତୁ । ଗୁହାଳର ଚଟାଣ ସଫା ଓ ଶୁଖିଲା ରଖନ୍ତୁ, ଗାଈଗୋରୁ ଶୋଇବା ସ୍ଥାନରେ ନଡା ବିଛେଇ ଦିଅନ୍ତୁ । ଶୀତ ଦିନରେ ତାପମାତ୍ରା ହ୍ରାସ ପାଉଥିବାରୁ ଗାଈଗୋରୁ ମାନଙ୍କୁ ଅଧିକ ମାତ୍ରାରେ ଖାଦ୍ୟ ଆବଶ୍ୟକ ହୋଇଥାଏ । ଦୁଗ୍ଧ ଉତ୍ପାଦନ ବଢେଇବା ପାଇଁ ଘାସ ଜାତୀୟ ଗୋଖାଦ୍ୟ ଅଧିକ ମାତ୍ରାରେ ଖାଇବାକୁ |

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| | ଦିଅନ୍ତୁ । ମଇଁଷି ଓ ଗାଈଗୋରୁ ମାନଙ୍କ ଶରୀର ତାପମାତ୍ରା ବଜାୟ ରଖିବା ପାଇଁ ମକା, ଗହମ ଓ ତେଲ ପିଡିଆ ଆଦି ଗୋଖାଦ୍ୟ ୩ କେଜି ହିସାବରେ ଦିଅନ୍ତୁ । |

## ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ମତ୍ସ୍ୟ ପାଳନ | ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| କମନ ଫୀସହ | ଶୀତ ଋତୁରେ ମାଛ ମାନଙ୍କ ଦେହରେ କବକ, ବୀଜାଣୁ ଓ ପରଜୀବୀ ଜନିତ ରୋଗ ହେବାର ସମ୍ଭାବନା ରହିଛି । ଏହି ରୋଗର ନିରାକରଣ ନିମନ୍ତେ ଏକ ଏକର ପୋଖରୀ ପ୍ରତି ୪୦୦ ମିଲି CIFAX କୁ ୪୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ । ପ୍ରତି ଦିନ ମାଛ ମାନଙ୍କୁ ତେଲ ପିଡିଆ ଖାଇବାକୁ ଦିଅନ୍ତୁ । ମାଛ ପୋଖରୀରେ ଜୈବିକ ପଦାର୍ଥ ଯଥା ଗୋବର ଖତ, କୁକୁଡା ମଳ ଆଦି ପ୍ରୟୋଗ କରନ୍ତୁ ନାହିଁ । |

## କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| କୁକୁଡ଼ା ପାଳନ | କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| କୁକୁଡ଼ା | ଶୀତ ଋତୁରେ କୁକୁଡା ମାନଙ୍କୁ ଅଧିକ ପରିମାଣର ଖାଦ୍ୟ ଓ ପାଣି ଦିଅନ୍ତୁ । ତାପମାତ୍ରା ନିୟନ୍ତ୍ରଣ ପାଇଁ କୁକୁଡା ଗୃହରେ ୨୦୦ ୱାଟ ର ବଲବ ଲଗାନ୍ତୁ । କୁକୁଡା ମାନଙ୍କୁ ଠିକ ସମୟରେ ଟୀକାକରଣ କରନ୍ତୁ । |